ଗ୍ରାମୀଣ କୃଷି ମୌଷମ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
ମହିଷାପାଟ,ଢେଙ୍କାନାଳ – ୭୫୯୦୧୩

## ସପ୍ତାହ ସଂଖ୍ୟା -୧୫

Deepanjali Dugal,
Jr. Agrometeorologist

ବୁଲେଟିନ ନମ୍ବର :୨୯
ତାରିଖ : ୦୯.୦୪.୨୦୨୪
(ମଙ୍ଗଳବାର)

## ଢେଙ୍କାନାଳ ଜିଲ୍ଲା

### ଗତ ସପ୍ତାହର ପାଣିପାଗ ସମ୍ବନ୍ଧୀୟ ସୂଚନା (୦୩.୦୪.୨୦୨୪ ରୁ ୦୯.୦୪.୨୦୨୪)

| | |
|---|---|
| ବୃଷ୍ଟିପାତ (ମି.ମି.) | ୧୮.୩ |
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୩୧.୭-୪୧.୭ |
| ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୨୦.୮-୨୭.୮ |

### ଭାରତୀୟ ପାଣିପାଗ ବିଭାଗ ଅନୁଯାୟୀ ଆଗାମୀ ୧୫ ତାରିଖ ପର୍ଯ୍ୟନ୍ତ ପାଣିପାଗ ସୂଚନା

| ତାରିଖ | ବୃଷ୍ଟିପାତ (ମି.ମି.) | ତାପମାତ୍ରା (ଡି.ସେ.) | | ସର୍ବମୋଟ ମେଘାଛନ୍ନତା (ଅକ୍ଟା) | ଆପେକ୍ଷିକ ଆର୍ଦ୍ରତା (%) | | ପବନର ବେଗ (କି.ମି./ଘ.) | ପବନର ଦିଗ |
|---|---|---|---|---|---|---|---|---|
| | | ସର୍ବାଧିକ | ସର୍ବନିମ୍ନ | | ସର୍ବାଧିକ | ସର୍ବନିମ୍ନ | | |
| 10-04-2024 | 2 | 34 | 22 | 5 | 48 | 16 | 10 | 180 |
| 11-04-2024 | 1 | 35 | 24 | 4 | 54 | 25 | 8 | 120 |
| 12-04-2024 | 0 | 36 | 25 | 3 | 58 | 33 | 5 | 200 |
| 13-04-2024 | 0 | 37 | 26 | 2 | 70 | 26 | 7 | 154 |
| 15-04-2024 | 0 | 37 | 26 | 2 | 53 | 17 | 7 | 161 |

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଅନୁସାରେ ଢେଙ୍କାନାଳ ଜିଲ୍ଲାରେ ଆସନ୍ତା ବୁଧବାର ଓ ଗୁରୁବାର ଅତି ହାଲୁକା ବର୍ଷା ହେବାର ସମ୍ଭାବନା ରହିଛି ଏହା ବ୍ୟତୀତ ଶୁକ୍ରବାର, ଶନିବାର ଓ ରବିବାର ପାଗ ଶୁଖିଲା ରହିବାର ସମ୍ଭାବନା ରହିଛି । ଆକାଶ ବୁଧବାର ଦିନ ସାଧାରଣତଃ ମେଘୁଆ ରହିବା ସହିତ ଗୁରୁବାର ଓ ଶୁକ୍ରବାର ଆକାଶ ଆଂଶିକ ମେଘୁଆ ଏବଂ ଶନିବାର ଓ ରବିବାର ଆକାଶ ମୁଖ୍ୟତଃ ମେଘୁଆ ରହିବାର ସମ୍ଭାବନା ରହିଛି । ଆଗାମୀ ୫ଦିନ ପର୍ଯ୍ୟନ୍ତ ପବନ ୦୫-୧୦ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ସର୍ବୋଚ୍ଚ ତାପମାତ୍ରା ବୃଦ୍ଧି ପାଇ ୩୪-୩୭ ଡି.ସେ ଓ ସର୍ବନିମ୍ନ ତାପମାତ୍ରା ବୃଦ୍ଧି ପାଇ ୨୨-୨୬ ଡି.ସେ ରହିବାର ସମ୍ଭାବନା ରହିଛି । ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୪୮ ରୁ ୭୦ ପ୍ରତିଶତ ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୧୬ ରୁ ୩୩ ପ୍ରତିଶତ ମଧ୍ୟରେ ରହିବାର ସମ୍ଭାବନା ରହିଛି ।

## କୃଷିସୂଚନା

- ବର୍ତମାନର ବର୍ଷା ପରେ ଯେଉଁ ଜମିରେ ମାଟିର ଆର୍ଦ୍ରତା ଅଛି ସେଠାରେ ପ୍ରଥମ ଖରାଟିଆ ଚାଷ କରି ଦିଅନ୍ତୁ ।
- ମୁଗ, ବିରି ଓ ଚିନାବାଦାମ ଅମଳ ଉପଯୋଗୀ ହୋଇଥିଲେ ଅମଳ କରି ନିଅନ୍ତୁ ।
- ଅମଳ ହୋଇଥିବା ମୁଗ, ବିରି ଓ ଚିନାବାଦାମକୁ ସାଇତି ରଖିବା ପାଇଁ ପ୍ରଥମେ ଭଲ ଭାବରେ ଶୁଖାଇ ଦିଅନ୍ତୁ ଓ ସାଇତା ଜାଗା କୁ ଭଲ ଭାବରେ ସଫା କରନ୍ତୁ ।

**ଧାନ(ଡାଲୁଅ):**

**ଗଳା ମହିଷା-**

ବର୍ତମାନ ସମୟରେ ଦିନ ଏବଂ ରାତିର ତାପମାତ୍ରା ମଧ୍ୟରେ ପାର୍ଥକ୍ୟ ରହୁଥିବାରୁ ଧାନ ଫସଲରେ ଗଳା ମହିଷା ରୋଗ ଲାଗିବାର ସମ୍ଭାବନା ରହଛି । ଧାନ ଫସଲରେ ଗଳା ମହିଷା ରୋଗର ପରିଚାଳନା ପାଇଁ ଏକର ପ୍ରତି ୨୦୦ ମି ଲି.hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦ ମିଲି.Azoxystrobin ଏବଂ Difenoconazoleର ମିଳିତ ଫିମ୍ପିନାଶକ କିମ୍ବା ୮୦ ଗ୍ରାମ Tebuconazole ଏବଂ Trifloxystrobin ର ମିଳିତ ଫିମ୍ପିନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

**କେଣ୍ଡା ଅଷ୍ଟପଦୀ-**

ଧାନ ଫସଲରେ କେଣ୍ଡା ଅଷ୍ଟପଦୀ ପୋକର ନିରାକରଣ ପାଇଁ ଏକର ପ୍ରତି Diafenthiuran @ ୪୦୦ ଗ୍ରାମ କିମ୍ବା Spiromesifen @ ୨୦୦ ମିଲି କିମ୍ବା Fenpyroximate @ ୪୦୦ ମିଲି, ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

**ଆଖୁ:**

ଆଖୁ ଫସଲରେ ସଅଳ କାଣ୍ଡ ବିନ୍ଧା ପୋକ ର ପରିଚାଳନା ପାଇଁ ଗ୍ରୀଷ୍ମ ଋତୁ ରେ ନିୟମିତ ଭାବରେ ଜଳସେଚନ କରନ୍ତୁ । ମାଟି ଶୁଖିଲା ରହିବା ଅନୁଚିତ। ପୋକ ଓ ଅଣ୍ଡାପୁଞ୍ଜ ଗୁଡିକୁ ହାତରେ ଧରି ନଷ୍ଟ କରି ଦିଅନ୍ତୁ । ଆକ୍ରାନ୍ତ ପିଲ ଗୁଡିକୁ ମାଟି ତଳୁ କାଟି ଦୂରରେ ନଷ୍ଟ କରି ଦିଅନ୍ତୁ । ପ୍ରଥମ ଥର ହୁଡା ଟେକିବା ସମୟରେ ମାଟରେ ଏକର ପ୍ରତି ୧୦ କିଲୋଗ୍ରାମ Fipronil ନାମକ ଦାନାଦାର କୀଟନାଶକ ପ୍ରୟୋଗ କରନ୍ତୁ। ପୋକ ଆକ୍ରମଣ ଅଧିକ ଦେଖାଦେଲେ ଏକର ପ୍ରତି ୬୦୦ ମିଲି Fipronil ନାମକ କୀଟନାଶକ କିମ୍ବା ୪୦୦ ମିଲି Profenophos ନାମକ କୀଟନାଶକ, ୨୦୦ ଲିଟର ପାଣି ରେ ମିଶାଇ ସିଞ୍ଚନ କରନ୍ତୁ ।

**କଖାରୁ ଜାତୀୟ ପନିପରିବା:**

ବର୍ତମାନ ସମୟରେ କଖାରୁ ଜାତୀୟ ପନିପରିବା ଫସଲ ଯଥା କଖାରୁ, କାକୁଡି, କଲରା, ଜହ୍ନି ଇତ୍ୟାଦି ଫସଲରେ ଫଳମାଛି ଲାଗିବାର ସମ୍ଭାବନା ରହିଛି । ଫଳମାଛିର ପରିଚାଳନା ପାଇଁ ପ୍ରଥମେ ୪ ଲିଟର ପାଣିରେ ୪୦୦ ଗ୍ରାମ ଗୁଡ ଓ ୮ ମିଲି malathion ବା DDVP କୀଟନାଶକ ମିଶାଇ ବିଷ ଥୋପ ପ୍ରସ୍ତୁତ କରନ୍ତୁ। ଏହି ବିଷ ଥୋପକୁ ଏକ ଏକର କଖାରୁ ଜାତୀୟ ପନିପରିବା ଫସଲରେ ୮୦ ଟି ସ୍ଥାନରେ ଛୋଟ ସଢେଇ କିମ୍ବା ମାଟିରେ କିମ୍ବା ପ୍ଲାଷ୍ଟିକ କପରେ ରଖି ଗଛ ମୂଳରେ ରଖନ୍ତୁ। ଏହା କରିବା ଦ୍ୱାରା ଫଳମାଛି ଗୁଡିକ ଏହି ବିଷ ଥୋପ ପ୍ରତି ଆକୃଷ୍ଟ ହୋଇ ଆସି ସେଥିରେ ପଡି ମରିଯିବେ ।

**ବିଲାତି ବାଇଗଣ:**

ବିଲାତି ବାଇଗଣ ଫସଲରେ ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୮-୧୦ ଟି ହଳଦିଆ ଆଠ ଯୁକ୍ତ ଯନ୍ତା ଲଗାନ୍ତୁ। ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମି.ଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ପିପିଏମ **Azadirachtin** କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ। ରାସାୟନିକ ଉପାୟରେ ଟମାଟୋ ଫସଲରେ ଧଳା ମାଛି ର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ **Thiamethoxam** ନାମକ କୀଟନାଶକ କିମ୍ବା ୨୦୦ ମିଲି **Pyriproxifen** ନାମକ କୀଟନାଶକ କିମ୍ବା ୨୫୦ ମିଲି **Spiromesifen** ନାମକ କୀଟନାଶକ, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ।

**ଲଙ୍କାମରିଚ:**

ଲଙ୍କାମରିଚ ଫସଲରେ ବର୍ତମାନ ସମୟରେ ଅଷ୍ଟପଦୀ ଲାଗିବାର ସମ୍ଭାବନା ରହିଛି । ରାସାୟନିକ ଉପାୟରେ ଲଙ୍କାମରିଚ ଫସଲ ରେ ଅଷ୍ଟପଦୀର ପରିଚାଳନା ପାଇଁ ଏକର ପ୍ରତି ୬୦୦- ମିଲି Propargite ନାମକ କୀଟନାଶକ କିମ୍ବା ୧୭୦- ମିଲି Spiromesifen ନାମକ କୀଟନାଶକ କିମ୍ବା ୨୫୦-ଗ୍ରାମ Diafenthiuron ନାମକ କୀଟନାଶକ, ୨୦୦- ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

**ବାଇଗଣ:**

**ବାଇଗଣ ର ଛୋଟ ପତ୍ର ରୋଗ** ମାଇକୋପ୍ଲାଜମା ନାମକ ଏକ ଅଣୁଜୀବ ଜନିତ ରୋଗ। ପତ୍ରଡିଆଁ ପୋକ ଏହି ରୋଗର ବାହକ ଅଟେ । ବାଇଗଣର ଛୋଟପତ୍ର ରୋଗ ପରିଚାଳନା ପାଇଁ ପ୍ରଥମେ ଜମିରୁ ରୋଗାକ୍ରାନ୍ତ ଗଛ ଗୁଡକୁ ଓପାଡି ଦୂରରେ ପୋତିଦିଅନ୍ତୁ। ଏହି ରୋଗର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୬୦ ଗ୍ରାମ Flonicamid ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ।

**ଭେଣ୍ଡି:**

ଭେଣ୍ଡି ଫସଲରେ ସାହେବୀ ରୋଗର ପରିଚାଳନା ପାଇଁ ଏହାର ବାହକ ଧଳାମାଛିର ନିୟନ୍ତ୍ରଣ ନିହାତି ଜରୁରୀ । ସାହେବୀ ଆକ୍ରାନ୍ତ ଗଛ ଗୁଡିକୁ ଓପାଡି ଦୂରରେ ନଷ୍ଟ କରି ଦିଅନ୍ତୁ । ପ୍ରାଥମିକ ଅବସ୍ଥାରେ ଧଳାମାଛିର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ppm କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ। ପୋକର ଆକ୍ରମଣ ଅଧିକ ଦେଖାଦେଲେ ରାସାୟନିକ ଉପାୟରେ ପୋକ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ଗ୍ରାମ Acetamiprid ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ସହଯୋଗୀ ଗବେଷଣା ନିର୍ଦ୍ଦେଶକଙ୍କ ଦ୍ୱାରା ସ୍ୱୀକୃତ**

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା,**QPM**,ଟିସୁ କଲଚର ଗଛ,ଫଳ ଓ ପନିପରିବା,ଯାଆଁଳ,କୁକୁଡା ଚିଆଁ,ଛତୁ,ଛତୁ ମଞ୍ଜି,ଜୈବିକ ସାର,ଜୈବିକ କୀଟନାଶକ,ଜିଆ ଖତ,କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ **MEGHDOOT** ମୋବାଇଲ ଆପ ବ୍ୟବହାର କରନ୍ତୁ ।

**(Android: https://play.google.com/store/apps/details?id=com.aas.meghdoot)**

**(iOS: https://apps.apple.com/in/app/meghdoot/id1474048155)**